# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**14 September - 2024**

**News Editor : *Itishree Singh Rathaur***

---

# ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୧୭ ତାରିଖରେ ଓଡ଼ିଶା ଗସ୍ତରେ ଆସି ଭୁବନେଶ୍ୱର ଜନତା ମଇଦାନରେ ସୁଭଦ୍ରା ଯୋଜନାର ଶୁଭାରମ୍ଭ କରିବେ । ଏହା ସହ ବିଭିନ୍ନ ରାଜ୍ୟର ୧୦ଲକ୍ଷ ପ୍ରଧାନମନ୍ତ୍ରୀ ଆବାସ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ବଣ୍ଟନ କରିବେ ବୋଲି କେନ୍ଦ୍ରମନ୍ତ୍ରୀ ଶିବରାଜ ସିଂ ଚୌହାନ କହିଛନ୍ତି । ସେ କହିଛନ୍ତି ଏହି ଉତ୍ସବରେ **ପ୍ରଧାନମନ୍ତ୍ରୀ ଆବାସ ପ୍ଲସ୍ ୨୦୨୪** ଆପ୍ର ମଧ୍ୟ ଉନ୍ମୋଚନ କରିବେ । ଚଳିତ ଆର୍ଥିକ ବର୍ଷରେ ରାଜ୍ୟରେ ୨୨ ହଜାର ୫୭୨ଟି ଆବାସ ନିର୍ମାଣ ଲକ୍ଷ୍ୟ ରଖାଯାଇଛି । ଏଥିପାଇଁ ୪୧ କୋଟି ୩୨ ଲକ୍ଷ ଟଙ୍କା ଖର୍ଚ୍ଚ ହେବ ବୋଲି ଜଣାପଡ଼ିଛି ।

---

# ଛୁଟି ବାତିଲ

ପ୍ରଧାନମନ୍ତ୍ରୀଙ୍କ ଗସ୍ତକୁ ଦୃଷ୍ଟିରେ ରଖି ଆଜିଠାରୁ ୧୬ ତାରିଖ ପର୍ଯ୍ୟନ୍ତ ୩ ଦିନ ଧରି ସମସ୍ତ ସରକାରୀ କର୍ମଚାରୀଙ୍କ ଛୁଟି ବାତିଲ କରାଯାଇଛି । ଏହି ସମୟ ମଧ୍ୟରେ କର୍ମଚାରୀମାନଙ୍କୁ ମୁଖ୍ୟାଳୟ ନ ଛାଡ଼ିବାକୁ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି । ପ୍ରଧାନମନ୍ତ୍ରୀଙ୍କ ଗସ୍ତକୁ ନେଇ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ

ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ପ୍ରଧାନମନ୍ତ୍ରୀଙ୍କ ସୁରକ୍ଷା ବ୍ୟବସ୍ଥାକୁ ନେଇ ମୁଖ୍ୟ ଶାସନ ସଚିବ’ ଗୃହ ବିଭାଗର ଅତିରିକ୍ତ ମୁଖ୍ୟଶାସନ ସଚିବ ସତ୍ୟବ୍ରତ ସାହୁ, ପୋଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆଙ୍କ ସହ ଆଲୋଚନା କରିଛନ୍ତି ।

## ଫୁଟ୍‌ବଲ୍

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ଆଜି ଆଇ.ଏସ୍.ଏଲ୍. ଫୁଟବଲ ମ୍ୟାଚ୍‌କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦ୍‌ଘାଟନ କରିବାର କାର୍ଯ୍ୟସୂଚୀ ରହିଛି । ଆଜି ଓଡ଼ିଶା ଏଫ୍‌ସି ଓ ଚେନ୍ନାଇ ଏଫ୍‌ସି ମଧ୍ୟରେ ମୁକାବିଲା ହେବ । ଏହି କାର୍ଯ୍ୟକ୍ରମରେ ଭୁବନେଶ୍ୱର ଓ କଟକର ବିଭିନ୍ନ ସରକାରୀ ଓ ଘରୋଇ ଉଚ୍ଚଶିକ୍ଷା ଅନୁଷ୍ଠାନର ଛାତ୍ରଛାତ୍ରୀମାନେ ଯୋଗଦେବେ ବୋଲି ଜଣାପଡ଼ିଛି ।

## ଗୋଦାମ ପରିଚାଳନା-ସମୀକ୍ଷା

ସମବାୟ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗର ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ଓଡ଼ିଶା ରାଜ୍ୟ ପଣ୍ୟାଗାର ନିଗମର ମୁଖ୍ୟ କାର୍ଯ୍ୟାଳୟରେ ବିଭିନ୍ନ ଗୋଦାମର କାର୍ଯ୍ୟକଳାପ ଉପରେ ସମୀକ୍ଷା କରିଛନ୍ତି । ବୈଠକରେ ମନ୍ତ୍ରୀ ଗୋଦାମ କାର୍ଯ୍ୟରେ ଅଧିକ ସ୍ୱଚ୍ଛତା ଓ ନିରାପତ୍ତା ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ବ୍ୟାପକ ସି.ସି.ଟିଭି କ୍ୟାମେରା ସ୍ଥାପନ କରିବାକୁ ପରାମର୍ଶ ଦେଇଛନ୍ତି । ଗୋଦାମ ପରିଚାଳନାରେ ଆଧୁନିକ ଜ୍ଞାନକୌଶଳର

ବ୍ୟବହାର ଉପରେ ବୈଠକରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା । ପ୍ରଭାବଶାଳୀ ତଦାରଖ ବ୍ୟବସ୍ଥା ଓ କେନ୍ଦ୍ରୀୟ ପରିଚାଳନା ପାଇଁ ମୁଖ୍ୟ କାର୍ଯ୍ୟାଳୟରେ ଏକ କେନ୍ଦ୍ରୀୟ ପରିଚାଳନା ୟୁନିଟ୍ ପ୍ରତିଷ୍ଠା କରିବାକୁ ମନ୍ତ୍ରୀ ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ ।

ସେହିଭଳି ମନ୍ତ୍ରୀ ଶ୍ରୀ ବଳସାମନ୍ତ ଓଡ଼ିଶା ରାଜ୍ୟ ସମବାୟ ବାଣିଜ୍ୟ ମହାସଂଘ-ମାର୍କଫେଡ୍ ର ବିଭିନ୍ନ କାର୍ଯ୍ୟାବଳୀର ସମୀକ୍ଷା କରିବା ସହ ଏହାକୁ ଲାଭଜନକ ସଂସ୍ଥାରେ ପରିଣତ କରାଯିବ ବୋଲି କହିଥିଲେ ।

# ଉଷ୍ମାୟନ

ରାଜ୍ୟ ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ଏବଂ କେନ୍ଦ୍ର ବସ୍ତ୍ର ମନ୍ତ୍ରଣାଳୟରେ ମିଳିତ ଆନୁକୂଲ୍ୟରେ ଭୁବନେଶ୍ୱରର ଚନ୍ଦକା ଅଞ୍ଚଳରେ ପରିଧାନ ଉଷ୍ମାୟନ କେନ୍ଦ୍ରର ଉଦ୍‌ଘାଟନ ହୋଇଛି । ଏହାର ଉଦ୍‌ଘାଟନ କରି ବିଭାଗୀୟ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ କହିଛନ୍ତି ଏହି କେନ୍ଦ୍ର ରୋଜଗାର ସୃଷ୍ଟି କରିବା ସହ ପୋଷାକ ଉତ୍ପାଦନ କ୍ଷେତ୍ରରେ ନୂଆ ଅଧ୍ୟାୟ ଆରମ୍ଭ କରିବ ।

# ରାସ୍ତା ମରାମତି-ମନ୍ତ୍ରୀ

ଭୁବନେଶ୍ୱର ଓ କଟକ ସହରର ସମସ୍ତ ରାସ୍ତା ମରାମତି ଓ ଉନ୍ନତିକରଣ କାର୍ଯ୍ୟ ଆସନ୍ତା ଅକ୍ଟୋବର ମାସ ୫ ତାରିଖ ସୁଦ୍ଧା ଶେଷ କରିବାକୁ ବିଭାଗୀୟ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏ ସଂପର୍କରେ ଏକ ସମୀକ୍ଷା ବୈଠକରେ ଯୋଗଦେଇ ମନ୍ତ୍ରୀ

ନିର୍ମାଣ କାର୍ଯ୍ୟରେ ଗୁଣବତ୍ତା ଉପରେ ଦୃଷ୍ଟିଦେବାକୁ ପରାମର୍ଶ ଦେଇଥିଲେ ।

---

## ସୁରଭୀ

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ନଭେମ୍ବର ମାସ ୧୨ ତାରିଖରୁ ତିନି ଦିବସୀୟ ରାଜ୍ୟସ୍ତରୀୟ ଶିଶୁ ମହୋତ୍ସବ **ସୁରଭୀ** ଅନୁଷ୍ଠିତ ହେବ । ଭୁବନେଶ୍ୱର ୟୁନିଟ୍-୩ କ୍ୟାପିଟାଲ୍ ହାଇସ୍କୁଲ୍‌ରେ ଆୟୋଜିତ ହେବାକୁ ଥିବା ଏହି କାର୍ଯ୍ୟକ୍ରମର ଚଳିତ ବର୍ଷର ମୁଖ୍ୟ ପ୍ରସଙ୍ଗ **ଓଡ଼ିଶାର ଲୋକକଳା** ରହିଛି । ଏ ନେଇ ବିଦ୍ୟାଳୟ ସ୍ତରରେ ଆସନ୍ତା ୧୭ ତାରିଖରୁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜିତ ହେବ ।

---

## କ୍ରୀଡ଼ା ପ୍ରତିଯୋଗିତା

ପୁରୀ ଜିଲ୍ଲା ନିମାପଡ଼ା ଉଚ୍ଚବିଦ୍ୟାଳୟର ବାରବାଟୀ ପଡ଼ିଆରେ ମଣ୍ଡଳସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏଥିରେ ମୁଖ୍ୟଅତିଥି ଭାବେ ଯୋଗଦେଇ ଏପରି ମଣ୍ଡଳସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରୁ ହିଁ ଭବିଷ୍ୟତରେ ରାଜ୍ୟସ୍ତରୀୟ ଖେଳାଳି ସୃଷ୍ଟି ହେବେ ବୋଲି କହିଥିଲେ । ଏହି ପ୍ରତିଯୋଗିତାରେ ୫୦ଟି ହାଇସ୍କୁଲ୍ ଏବଂ ୬ଟି ଉଚ୍ଚମାଧ୍ୟମିକ ସ୍କୁଲ୍‌ର ଛାତ୍ରଛାତ୍ରୀମାନେ ଅଂଶ ଗ୍ରହଣ କରିଥିଲେ ।

---

# ପାଣିପାଗ

ଉତ୍ତର-ପୂର୍ବ ବଙ୍ଗୋପସାଗର ଏବଂ ଏହାର ପାର୍ଶ୍ୱବର୍ତ୍ତୀ ଦକ୍ଷିଣ-ପୂର୍ବ ବାଂଗଲାଦେଶ ଉପକୂଳରେ ସକ୍ରିୟ ଲଘୁଚାପ ଆଜି ସୁଦ୍ଧା  ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି । ଏହାର  ପ୍ରଭାବରେ ଆଜି ମୟୂରଭଞ୍ଜ ଜିଲ୍ଲାର କେତେକ ଅଞ୍ଚଳରେ ଅତି ଭୀଷଣ ବର୍ଷା ସମ୍ଭାବନା ଥିବାରୁ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନକେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି । ଏହା ସହିତ କେନ୍ଦୁଝର, ବାଲେଶ୍ୱର ଓ ଭଦ୍ରକ ଜିଲ୍ଲାର କେତେକ ଅଞ୍ଚଳରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ତେବେ ମୟୂରଭଞ୍ଜ ଜିଲ୍ଲାରେ ପ୍ରବଳ ବର୍ଷା ସମ୍ଭାବନାକୁ ଦୃଷ୍ଟିରେ ରଖି ଜିଲ୍ଲାପାଳ ସମସ୍ତ ସରକାରୀ, ବେସରକାରୀ ବିଦ୍ୟାଳୟ, ଅଙ୍ଗନବାଡ଼ି କେନ୍ଦ୍ର ଆଜି ପାଇଁ ଛୁଟି ଘୋଷଣା କରିଛନ୍ତି ।